ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1357/27-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୭ ଫେବୃଆରୀ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଓଡ଼ିଆ ଜାତିର ସବୁଠାରୁ ବଡ଼ ପରିଚୟ ହେଉଛନ୍ତି ଶ୍ରୀଜଗନ୍ନାଥ । ଆମ ଇତିହାସ, ସଂସ୍କୃତି, ପରମ୍ପରା ଓ ଆମ ବିଶ୍ୱାସ ସବୁକିଛି ମହାପ୍ରଭୁଙ୍କୁ କେନ୍ଦ୍ର କରି ଗଢ଼ିଉଠିଛି । ସେ ହେଉଛନ୍ତି ଓଡ଼ିଆ ଅସ୍ମିତାର ପ୍ରତୀକ । ବିଧାନସଭାରେ ଓଡ଼ିଶାବାସୀଙ୍କ ଉଦ୍ଦେଶ୍ୟରେ ‘ଶ୍ରୀମନ୍ଦିର ପରିକ୍ରମା ଯୋଜନା’ର ଉପସ୍ଥାପନ କରି ସେ ନିଜକୁ ଧନ୍ୟ ମନେ କରୁଛନ୍ତି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ଗଜପତି ମହାରାଜାଙ୍କ ନେତୃତ୍ୱରେ ଶ୍ରୀମନ୍ଦିର ପ୍ରଶାସନ ଏହାକୁ ପ୍ରସ୍ତୁତ କରିଛି । ଏହି ମହାନ କାର୍ଯ୍ୟ ପାଇଁ ଗଜପତି ମହାରାଜଙ୍କୁ ଆନ୍ତରିକ ଧନ୍ୟବାଦ ଜଣାଇ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ଯୋଜନା ହେଉଛି ସାଢ଼େ ଚାରିକୋଟି ଓଡ଼ିଶାବାସୀଙ୍କ ନିଜ ଯୋଜନା । ଏହାକୁ ଚୂଡ଼ାନ୍ତ ରୂପ ଦେବାରେ ସହଯୋଗ କରିଥିବା ପ୍ରତିଟି ବ୍ୟକ୍ତିବିଶେଷଙ୍କୁ ସେ ଧନ୍ୟବାଦ ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଆ ଜାତି ପାଇଁ ତଥା ଆମ ସମସ୍ତଙ୍କ ପାଇଁ ଏହା ହେଉଛି ଏକ ଐତିହାସିକ ମୁହୂର୍ତ୍ତ ଏବଂ ଏଭଳି ସୁଯୋଗ ବହୁତ କମ ଆସେ । ଆମର ସୌଭାଗ୍ୟ ଯେ ଆମ ସମୟରେ ହିଁ ମହାପ୍ରଭୁଙ୍କ ଧାମର ବିକାଶ ପାଇଁ ଆମକୁ ସୁଯୋଗ ଦେଇଛନ୍ତି ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଆମେ ସମସ୍ତ, ସାରା ଓଡ଼ିଶାବାସୀ ମିଳିତ ଭାବେ ଆଜି ଏହି ଅନନ୍ୟ ମୁହୂର୍ତ୍ତର ଅଂଶ ପାଲଟି ଯାଇଛେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଆ ସ୍ୱାଭିମାନ ପାଇଁ ଯେଉଁ ମହାପ୍ରଭୁ ଦିନେ କାଞ୍ଚି ଅଭିଯାନରେ ବାହାରି ଥିଲେ, ଭକ୍ତର ମାନ ରକ୍ଷା ପାଇଁ ଯେଉଁ ମହାପ୍ରଭୁ ନନ୍ଦିଘୋଷ ଛାଡ଼ି ବାଲି ରଥରେ ବିଜେ କରିଥିଲେ, ସେ କାଳିଆ ଠାକୁର ଜଗନ୍ନାଥଙ୍କ ସେବାରେ, ତାଙ୍କ ଧାମର ବିକାଶରେ ଆମେ ଯଦି କିଛି ବି ଅବଦାନ ରଖିପାରିବା, ତେବେ ଜଣେ ଓଡ଼ିଆ ଭାବେ ଏହା ହେବ ଆମର ଶ୍ରେଷ୍ଠ ସୌଭାଗ୍ୟ ।

**‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’**

- ମାନ୍ୟବର ମୁଖ୍ୟମନ୍ତ୍ରୀ କୃଷକ, ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗଗୁଡ଼ିକୁ ଋଣ ସଂଯୋଗୀକରଣର ସମୀକ୍ଷା କରି ବିଗତ ଦୁଇ ମାସରେ ପ୍ରମୁଖ କ୍ଷେତ୍ରଗୁଡ଼ିକୁ ଋଣ ଯୋଗାଣର ଅଗ୍ରଗତି ଉପରେ ସନ୍ତୋଷ ବ୍ୟକ୍ତ କରିଥିଲେ ଏବଂ ଏ ଦିଗରେ ବ୍ୟାଙ୍କ ତଥା ଜିଲ୍ଲା ପ୍ରଶାସନମାନଙ୍କର ଭୂମିକାକୁ ପ୍ରଶଂସା କରିଥିଲେ ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମିଶନ ଶକ୍ତି ଅନ୍ତର୍ଗତ ସ୍ୱୟଂ ସହାୟକ ଗୋଷ୍ଠୀଗୁଡ଼ିକୁ ୩୭୪୫ କୋଟି ଟଙ୍କାର ଋଣ ପ୍ରଦାନ କରାଯାଇଛି, ଯାହାକି ଲକ୍ଷ୍ୟଠାରୁ ୫୦୦ କୋଟି ଟଙ୍କା ଅଧିକ । ସ୍ୱୟଂ ସହାୟକ ଗୋଷ୍ଠୀଗୁଡ଼ିକୁ ଋଣ ସହାୟତା ରାଜ୍ୟ ସରକାରଙ୍କ ପ୍ରମୁଖ ପ୍ରାଥମିକତା ବୋଲି ବର୍ଣ୍ଣନା କରି ମାନ୍ୟବର ମୁଖ୍ୟମନ୍ତ୍ରୀ ସ୍ୱୟଂ ସହାୟକ ଗୋଷ୍ଠୀଗୁଡ଼ିକୁ ମିଳୁଥିବା ଋଣର ହାରାହାରି ରାଶି ବୃଦ୍ଧି କରିବା ଉପରେ ଗୁରୁତ୍ୱ ପ୍ରଦାନ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୃଷକ ଆମ ରାଜ୍ୟର ମେରୁଦଣ୍ଡ ହୋଇଥିବାବେଳେ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗଗୁଡ଼ିକ ରାଜ୍ୟ ଅର୍ଥନୀତିର ମେରୁଦଣ୍ଡ । ଅଧିକାଂଶ ଜିଲ୍ଲାରେ ଚାଷୀମାନଙ୍କୁ ଋଣ ଯୋଗାଣ ଏବଂ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗଗୁଡ଼ିକୁ ଋଣ ଯୋଗାଣ ମାର୍ଚ୍ଚ ସୁଦ୍ଧା ୨୦,୪୫୭ କୋଟି ଟଙ୍କା ପହଞ୍ଚିବା ନେଇ ସେ ସନ୍ତୋଷ ବ୍ୟକ୍ତ କରିଥିଲେ ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତ ଜିଲ୍ଲା ଏବଂ ବ୍ୟାଙ୍କଗୁଡ଼ିକର ବାର୍ଷିକ ଋଣ ପ୍ରଦାନ ଲକ୍ଷ୍ୟକୁ ପ୍ରୋତ୍ସାହନ ଦେବା ଉଦ୍ଦେଶ୍ୟରେ ଭାରତ ସରକାରଙ୍କ ଅର୍ଥ ମନ୍ତ୍ରାଳୟକୁ ବ୍ୟାଙ୍କମାନଙ୍କର ଉତ୍ତମ ପ୍ରଦର୍ଶନ ନେଇ ଅବଗତ କରାଯିବ ବୋଲି ଉଲ୍ଲେଖ କରିବା ସହ ରାଜ୍ୟ ସରକାର କୃଷକ ଏବଂ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗଗୁଡ଼ିକୁ ଚଳିତ ଆର୍ଥିକ ବର୍ଷ ସୁଦ୍ଧା ଋଣ ପ୍ରଦାନ କ୍ଷେତ୍ରରେ ଶ୍ରେଷ୍ଠ ପ୍ରଦର୍ଶନକାରୀ ବ୍ୟାଙ୍କଗୁଡ଼ିକୁ ପୁରସ୍କୃତ କରାଯିବ ବୋଲି କହିଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପଞ୍ଚସଖାଙ୍କ ମଧ୍ୟରେ ଅନ୍ୟମ ଆଚାର୍ଯ୍ୟ ହରିହର ଦାସଙ୍କ ଜୟନ୍ତୀରେ ତାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ଲୋକଙ୍କୁ ସ୍ୱାବଲମ୍ବୀ କରିବା ସହ ସମାଜସଂସ୍କାର ପାଇଁ ତାଙ୍କ ଉଦ୍ୟମ ଏବଂ ଓଡ଼ିଆ ସାହିତ୍ୟକୁ ସମୃଦ୍ଧ କରୁଥିବା ତାଙ୍କ କାଳଜୟୀ ରଚନାଗୁଡ଼ିକ ପାଇଁ ସେ ସର୍ବଦା ସ୍ମରଣୀୟ ରହିବେ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କେନ୍ଦ୍ରାପଡ଼ା ଜିଲ୍ଲା ଇନେଇତୁଲାପୁରର ମମତା ମଲ୍ଲିକ ସ୍ୱୟଂ ସହାୟକ ଗୋଷ୍ଠୀ ଗଠନ କରି ହାସଲ କରିଥିବା ସଫଳତା ସମସ୍ତଙ୍କ ପାଇଁ ଉଦାହରଣ । ନିଜେ ସ୍ୱାବଲମ୍ବୀ ହେବା ସହ ଅନ୍ୟମାନଙ୍କୁ ଏ ଦିଗରେ ସଚେତନ ଏବଂ ପ୍ରୋତ୍ସାହନ ଯୋଗାଇବା ପରି ତାଙ୍କର କାର୍ଯ୍ୟ ଅତ୍ୟନ୍ତ ପ୍ରଶଂସନୀୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୩,୦୦,୪୪୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୧୦୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୪୬୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୫ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୭୩ ରହିଛି ।
- ୬୭୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'